OFFICE OF THE TAHASILDAR * KONISI (Gm.)

[ନିୟମ – ୪ (୪-୧) ଦ୍ରଷ୍ଟବ୍ୟ]

# ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

Alienation Misc. Case No. 05/2026

## ସର୍ବସାଧାରଣ ନୋଟିସ୍

ଏତଦ୍ ଦ୍ୱାରା ମୌଜା – କରାପଲ୍ଲୀ, ଥାନା – ଗୋପାଳପୁର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମି ର ଖାତା କୁ "ସର୍ବସାଧାରଣ" ରୁ " ଆବାଦ ଯୋଗ୍ୟ ଅନାବାଦି" ଓ କିସମ " ପତିତ" ରେ ପରିବର୍ତନ କଲାପରେ ବାଣିଜ୍ୟ ଓ ପରିବହନ ବିଭାଗ, ଓଡ଼ିଶାଙ୍କ ନାମରେ ଉଡାଜାହାଜ ଅବତରଣ ପ୍ରାନ୍ତର (Airstrip), ରଙ୍ଗେଇଲୁଣ୍ଡା ହସ୍ତାନ୍ତର କରିବା ପାଇଁ ପ୍ରସ୍ତାବିତ ହୋଇଅଛି।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ହସ୍ତାନ୍ତର ବାବଦରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେକୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବନାହିଁ ।

### ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ/ ଖାତାଦାର |
|---|---|---|---|---|---|
| କରାପଲ୍ଲୀ | ୪୦୩ | ୧୧୩୬ | ୦.୮୭୫ | ୦.୮୭୫ | ଶ୍ମଶାନ/ ସର୍ବସାଧାରଣ |
| | | ୨ | ୦.୧୬୮ | ୦.୧୬୮ | ଦଣ୍ଡା/ ସର୍ବସାଧାରଣ |
| | | ମୋଟ | ୧.୦୪୩ | ୧.୦୪୩ | |

ତହସିଲଦାର, କନିଷି

ପରିପତ୍ର ସଂଖ୍ୟା- 6788 / ତାରିଖ- 2-5-2026

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (DIO), NIC, ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, କରାପଲ୍ଲୀ ଙ୍କ ଦ୍ୱାରା ମୌଜା- କରାପଲ୍ଲୀ ପ୍ରକାଶ୍ୟ ସ୍ଥାନରେ ଡେଙ୍ଗୁରା/ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, କରାପଲ୍ଲୀ ର ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ/ ସରପଞ୍ଚଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ତହସିଲଦାର, କନିଷି